## ପ୍ରେସ୍‌ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୫୨୮ ଜଣ କରୋନା ପଜିଟିଭ ଚିହ୍ନଟ

## ପଜିଟିଭ ସଂଖ୍ୟା ୨୦୯୩୨ରେ ପହଞ୍ଚିଲା - ସୁସ୍ଥ ହେଲେ ୩୧୬ ଜଣ ।

ଅନୁଗୋଳ, ତା.୧୧.୦୫:- ଆଜି ଅନୁଗୋଳ ଜିଲ୍ଲାରେ ୫୨୮ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ଵାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୨୮ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୫୩୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୯୫ଜଣ ( ୬୫ଜଣ ପୁରୁଷ ଓ ୩୦ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୯୨ଜଣ ( ୪୪ଜଣ ପୁରୁଷ ଓ ୪୮ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୭୯ଜଣ ( ୪୫ଜଣ ପୁରୁଷ ଓ ୩୪ଜଣ ମହିଳା), ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୭୩ଜଣ (୫୬ ଜଣ ପୁରୁଷ ଓ ୧୭ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୪୬ଜଣ ( ୩୧ଜଣ ପୁରୁଷ ଓ ୧୫ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୪୦ଜଣ (୨୭ ଜଣ ପୁରୁଷ ଓ ୧୩ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୩୩ଜଣ ( ୨୨ଜଣ ପୁରୁଷ ଓ ୧୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨୬ଜଣ ( ୨୦ଜଣ ପୁରୁଷ ଓ ୬ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୨୨ଜଣ ( ୧୬ଜଣ ପୁରୁଷ ଓ୬ ଜଣ ମହିଳା), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧୧ଜଣ ( ୬ଜଣ ପୁରୁଷ ଓ ୫ଜଣ ମହିଳା) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧୧ଜଣ (୭ ଜଣ ପୁରୁଷ ଓ ୪ ଜଣ ମହିଳା) ଅଛନ୍ତି । ଚିହ୍ନଟ ହୋଇଥିବା ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟର କରୋନା ୱାର୍ଡ ଓ ୧୦୦ ଜଣଙ୍କୁ ତାଳଚେର କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ଵାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୩୧୬ଜଣ ସୁସ୍ଥ ହୋଇଛନ୍ତି । ବର୍ତ୍ତମାନ ସୁଦ୍ଧା ଜିଲ୍ଲାରେ ୪୭ ଜଣ ମୃତ୍ୟୁବରଣ କଲେଣି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୩୦୧ ତା.୧୧.୦୫.୨୦୨୧ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ